ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

କୋଭିଡ୍-୧୯ ପି.ଆର୍. ନଂ-୭୯

# ପ୍ରେସ୍ ବିବୃତି

ଭୁବନେଶ୍ୱର :୩୧ ମଇ ,୨୦୨୦

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକ କହିଛନ୍ତି ଯେ, ଓଡ଼ିଶାର ଜନସାଧାରଣ ତଥା ବିଶ୍ୱର ବିଭିନ୍ନ ସ୍ଥାନରେ ଥିବା ଓଡ଼ିଆମାନେ ଆମର କୋଭିଡ୍ ଯୋଦ୍ଧାମାନଙ୍କ ନିଷ୍ଠା, ତ୍ୟାଗ ଓ ସେବାକୁ ସମ୍ମାନ ଜଣାଇ 'ବନ୍ଦେ ଉତ୍କଳ ଜନନୀ' ସଂଗୀତ ଗାନ କରି ଅଭୂତପୂର୍ବ ଉତ୍ସାହ ପ୍ରଦର୍ଶନ କରିଛନ୍ତ । ଆମ କୋଭିଡ୍ ଯୋଦ୍ଧାମାନଙ୍କୁ କୃତଜ୍ଞତା ଜଣାଇ ଲକ୍ଷ ଲକ୍ଷ ଓଡ଼ିଆ ଏକ ସ୍ୱରରେ ଏହି ପରିବେଷଣ କରିଥିବାରୁ ଓଡ଼ିଶା ପ୍ରତି ସମଗ୍ର ବିଶ୍ୱ ଆକର୍ଷିତ ହୋଇଛି । ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ, ସମାଜର ସମସ୍ତ କ୍ଷେତ୍ରରୁ ଲୋକମାନଙ୍କର ଐକ୍ୟବଦ୍ଧତା କରୋନା ମହାମାରୀ ବିରୁଦ୍ଧରେ ଆମର ସଂଗ୍ରାମକୁ ଅଧିକ ସଶକ୍ତ କରିବ ।
- କୋଭିଡ୍-୧୯ ପରିପ୍ରେକ୍ଷୀରେ ଗ୍ରାମାଞ୍ଚଳରେ କ୍ୱାରାଣ୍ଟାଇନ୍ ସ୍ୱାସ୍ଥ୍ୟସେବାକୁ ସଶକ୍ତ କରିବା ଉଦ୍ଦେଶ୍ୟରେ ୬୭୯୮ ଗ୍ରାମ ପଞ୍ଚାୟତରେ ୧୬,୬୫୧ ଟି ଅସ୍ଥାୟୀ ଚିକିତ୍ସା କେନ୍ଦ୍ର ସ୍ଥାପିତ ହୋଇଛି । ଏଥିରେ ମୋଟ ୭,୪୨,୫୩୬ ଶଯ୍ୟାର ବ୍ୟବସ୍ଥା କରାଯାଇଛି ।
- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ମଇ ୩୦ରୁ ମଇ ୩୧ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ୬ଟି ମାମଲା ଦାୟର କରାଯାଇଛି । ଏଥି ମଧ୍ୟରୁ ୪ଟି ମାମଲା ଲକ୍ ଡାଉନ୍ ସଂପର୍କିତ ହୋଇଥିବାବେଳେ ୧ଟି ମାମଲା ହୋମ୍ କ୍ୱାରାଣ୍ଟାଇନ୍ ଏବଂ ୧ଟି ଗୁଜବ ପ୍ରଚାର ପାଇଁ ଅଟେ । ବିଭିନ୍ନ ଅଭିଯୋଗରେ ୦୮ ଜଣଙ୍କୁ ଗିରଫ କରାଯାଇଛି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୧,୫୨,୧୩୧ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୧୯୪୮ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୧୧୨୬ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୭ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୮୧୩ ରହିଛି ।
- ୧୨୪୬ ଜଣ ହସ୍ପିଟାଲ୍ ଆଇସୋଲେସନ୍‌ରେ ଅଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

‘ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ’